# ଜିଲ୍ଲାର ୮୭ ଗୋଟି ଉଚ୍ଚ ବିଦ୍ୟାଳୟର ରୁପାନ୍ତରିକରଣ ।

ଆଜି ଅପରାହ୍ଣରେ ତୃତୀୟ ପର୍ଯ୍ୟାୟରେ '5T' ଯୋଜନା ଅନ୍ତର୍ଭୁକ୍ତ ବିଦ୍ୟାଳୟ ରୁପାନ୍ତରିକରଣ କାର୍ଯ୍ୟକ୍ରମରେ ଅନୁଗୋଳ ଜିଲ୍ଲାର ୮୭ ଗୋଟି ଉଚ୍ଚ ବିଦ୍ୟାଳୟର ରୁପାନ୍ତରିକରଣ କରାଯାଇ ଓଡିଶାର ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ କରକମଳରେ ଭର୍ଚୁଆଲ ମାଧ୍ୟମରେ ଉଦ୍‌ଘାଟିତ ହୋଇଯାଇଛି । ଏହି ଉତ୍ସବରେ ପ୍ରଥମେ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଏବଂ '5T' ସଚିବ ଶ୍ରୀ ଭି କେ ପାଣ୍ଡିଆନଙ୍କୁ ହାର୍ଦ୍ଦିକ ସ୍ୱାଗତ ଜଣାଇଥିଲେ । ପ୍ରଥମେ ଛେଣ୍ଡିପଦା ସ୍ଥିତ ସେଣ୍ଟେନାରୀ ଟ୍ରାଇବାଲ ହାଇସ୍କୁଲ, ପରଙ୍ଗର ଦଶମ ଶ୍ରେଣୀର ଛାତ୍ରୀ ସୁଶ୍ରୀ ସୁପ୍ରିୟା ପଟ୍ଟନାୟକ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ପ୍ରଣାମ ଜଣାଇବା ସହ ନିଜର ଅନୁଭୂତି ବର୍ଣ୍ଣନା କରିଥିଲେ ଏବଂ ନିଜେ ଜଣେ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ ହେବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ପ୍ରଶ୍ନର ଉତ୍ତରରେ କହିଥିଲେ । ଏହାପରେ ଅନୁଗୋଳ ବିଧାୟକ ତଥା ଓଡିଶା ବିଧାନ ସଭାର ଉପବାଚସ୍ପତି ଶ୍ରୀ ରଜନୀକାନ୍ତ ସିଂହ ତାଙ୍କ ବକ୍ତବ୍ୟରେ ସାଢେ ୪ କୋଟି ଓଡିଆଙ୍କର ମଉଡମଣି ବୋଲି ସମ୍ବୋଧନ କରି ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଭୁୟସୀ ପ୍ରଶଂସା କରିଥିଲେ । ଏହି ଅବସରରେ ଯେପରି ଭାବରେ ଉଚ୍ଚ ବିଦ୍ୟାଳୟଗୁଡିକୁ ରୁପାନ୍ତରିତ କରାଗଲା ସେହିଭଳି ପ୍ରାଥମିକ ବିଦ୍ୟାଳୟଗୁଡିକର ରୁପାନ୍ତରିକରଣ କରାଯିବାକୁ '5T' ସଚିବଙ୍କୁ ଅନୁରୋଧ କରିଥିଲେ ଏବଂ ଏହାଦ୍ୱାରା ଶିକ୍ଷା କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ପାଇଁ ଆମ ରାଜ୍ୟବାସି ଗର୍ବ ଅନୁଭବ କରିବା ସହ ଦେଶର ପ୍ରତ୍ୟେକ ରାଜ୍ୟ ଆମ ରାଜ୍ୟର ଏହି ଶିକ୍ଷା ମଡେଲକୁ ଅନୁକରଣ କରିବେ ବୋଲି ଆଶାବ୍ୟକ୍ତ କରିଥିଲେ । ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ଢେଙ୍କାନାଳ ସାଂସଦ ଶ୍ରୀ ମହେଶ ସାହୁ, ଛେଣ୍ଡିପଦା ବିଧାୟକ ଶ୍ରୀ ସୁଶାନ୍ତ କୁମାର ବେହେରା,ଆଠମଲ୍ଲିକ ବିଧାୟକ ଶ୍ରୀ ରମେଶ ଚନ୍ଦ୍ର ସାଏ, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଶ୍ରୀମତୀ ବବିତା ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ ,ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍‌ଙ୍କ ସମେତ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀ ପ୍ରମୁଖ ଯୋଗ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁଙ୍କ ସମେତ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ, ଛାତ୍ର ଛାତ୍ରୀ ବହୁ ସଂଖ୍ୟାରେ ଯୋଗଦାନ କରିଥିଲେ । ଶେଷରେ ଜିଲ୍ଲାପାଳ ମଞ୍ଚାସିନ ଅତିଥି, ଜିଲ୍ଲା ଓ ଉପଖଣ୍ଡରୁ ଆସିଥିବା ସମସ୍ତ ଅଧିକାରୀ ବୃନ୍ଦ, ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, ଗଣମାଧ୍ୟମର ପ୍ରତିନିଧି ଓ କର୍ମକର୍ତ୍ତାଙ୍କୁ କାର୍ଯ୍ୟକ୍ରମର ସଫଳ ରୁପାୟନ ନିମନ୍ତେ ଧନ୍ୟବାଦ ଅର୍ପଣ କରିଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା-୩୧୪ ତା.୨୫.୦୪.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

25/4/2023
ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


OPPO Reno7 5G
2023.04.25 18:13


OPPO Reno7 5G
2023.04.25 18:07



Angul District
3rd Phase 5T
High School Transformation
87 Transformed
High Schools
Dedicated
by
Sri Naveen Patnaik
Hon'ble Chief Minister, Odisha
on
25th April 2023
ଅନୁଗୋଳ ଜିଲ୍ଲା
୩ୟ ପର୍ଯ୍ୟାୟ 5T ହାଇସ୍କୁଲ୍ ରୂପାନ୍ତରଣ
୮୭ଟି ରୂପାନ୍ତରିତ ହାଇସ୍କୁଲ୍
ଓଡ଼ିଶାର ମାନ୍ୟବର ମୁଖ୍ୟମନ୍ତ୍ରୀ
ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ
ଦ୍ୱାରା
ଲୋକାର୍ପିତ
୨୫ ଏପ୍ରିଲ ୨୦୨୩
ଜିଲ୍ଲା ପ୍ରଶାସନ, ଅନୁଗୋଳ
୩ୟ ପର୍ଯ୍ୟାୟ
OPPO Reno7 5G
2023.04.25 18:08